ODM EDUCATIONAL GROUP
Changing your Tomorrow

# MORNING PRAYER





CHANGING YOUR TOMORROW

Website: www.odmegroup.org
Email: info@odmps.org

Toll Free: **1800 120 2316**
Sishu Vihar, Infocity Road, Patia, Bhubaneswar- 751024

# ODM PUBLIC SCHOOL

**SESSION :15**

**CLASS :3**

**SUBJECT : ODIA**

**CHAPTER NUMBER: 13**

**CHAPTER NAME : ବେଙ୍ଗୁଲୀ କରୁଛି କେଁ କଟର**

**SUBTOPIC : ଅଭ୍ୟାସ-୧ ପଢ ଓ ଲେଖ,ଚିତ୍ର ଦେଖି ନାମ କୁହ |**



Website: www.odmegroup.org
Email: info@odmps.org
Toll Free: 1800 120 2316
Sishu Vihar, Infocity Road, Patia, Bhubaneswar- 751024

## ଅଧ୍ୟୟନର ଉଦ୍ଦେଶ୍ୟ –

ପିଲାମାନଙ୍କର ଶ୍ରବଣ ,କଥନ,ପଠନ,ଲିଖନ ଓ ଯୁକ୍ତାକ୍ଷର ଶବ୍ଦ ଉଚ୍ଚାରଣ  ଶୈଳୀ ର ଅଭିବୃଦ୍ଧି କରାଇବା |



# ବେଙ୍ଗୁଲୀ କରୁଛି କେଁ କଟର








ପାଠ - ୧୩

# ବେଙ୍ଗୁଲି କରୁଛି କେଁ କଟର

ଏକ ଶୀତୁଆସକାଳ । ଚତୁର୍ଦ୍ଦିଗ କୁହୁଡ଼ି ଭର୍ତ୍ତି । ବେଙ୍ଗସର୍ଦ୍ଦାରର ସଙ୍ଗୀତ ଦଳ ଏକାଠି ହୋଇଛନ୍ତି । ସର୍ଦ୍ଦାର ଉଦ୍ଭାବନ କରିଥିବା ନୂଆସୁର ଅଭ୍ୟାସ ହେବ । ନିର୍ଦ୍ଦେଶ ପାଇବାମାତ୍ରେ କଇଁଛର ମର୍ଦ୍ଦଳ, ପାଣିଧଣ୍ଡର ବଂଶୀ, କଙ୍କଡ଼ାର





ହାରମୋନିୟମ୍, ମାଙ୍କଡ଼ର ଢୋଲକି, ଠେକୁଆର ଡୁବିତବଲା ଶବ୍ଦରେ ଆଖଡ଼ାଘର କମ୍ପିଉଠିବ ।

ଶୀତଯୋଗୁଁ ବେଙ୍ଗମାନଙ୍କ କଣ୍ଠରୁଦ୍ଧ ହୋଇଯାଉଥାଏ । ଗୀତ ଅଭ୍ୟାସ ହୋଇପାରିଲା ନାହିଁ । ଥଣ୍ଡାପାଗ ଯୋଗୁଁ ଏ ଦୁର୍ଦ୍ଦଶା ବୋଲି ସର୍ଦ୍ଦାର ଜାଣି ପାରିଲା । ସେ କହିଲା, "ଦେଖ ଭାଇମାନେ, ଶୀତଦିନ ପରେ ଖରାଦିନ ଆସିବ । ପାଗ ଗରମ ରହିବ । ଗୁଳୁଗୁଳି ହେବ । ଝାଳ ବୋହିବ । ସେତେବେଳେ ମଧ୍ୟ ଆମେ ଏକାଠି ହୋଇପାରିବା ନାହିଁ । ତା'ପରେ ବର୍ଷାଦିନରେ କୋହଲାପାଗ ହେବ । ଚାଲ, ଏବେ ଆମେ ନିଶ୍ଚେଳ ହୋଇ ମାଟିତଳେ ଶୋଇବା । ମୁଁ ଦକ୍ଷିଣଦିଗକୁ ଯାଉଛି ଶୋଇବି ।" ଏହାପରେ



ସେ ଯାହାର ଜାଗା ବାଛି ନିଃଶବ୍ଦରେ ଶୋଇଗଲେ । ଖରାଦିନ ଯାଇ ବର୍ଷାଦିନ ଆସିଲା । ଆକାଶରେ କଳାହାଣ୍ଡିଆ ମେଘ ଘୋଟିଥାଏ । ବିଜୁଳି ଚମକୁଥାଏ । ଏହି ସମୟରେ ଘଡ଼ଘଡ଼ି ଶବ୍ଦରେ ପୃଥିବୀ ଥରିଉଠିଲା । ବେଙ୍ଗମାନଙ୍କ ନିଦ ଭାଙ୍ଗିଲା । ସେମାନେ ସର୍ଦ୍ଦାର ପାଖକୁ ଯିବାକୁ ବାହାରିଲେ । କିନ୍ତୁ ନିର୍ଦ୍ଦିଷ୍ଟ ଦିଗ ଜାଣିପାରିଲେ ନାହିଁ । କ'ଣ କରିବେ ଭାବି ବସିଲେ । ସେମାନଙ୍କ ମଧ୍ୟରେ ଥିଲା ବୃଦ୍ଧବେଙ୍ଗଟିଏ । ସେ କହିଲା, "ମୁଁ ବହୁତ ବୁଦ୍ଧିମାନ ।" ସେ ଚାରି ଆଡ଼କୁ ଚାହିଁଲା । ଦେଖିଲା, ଗୋଟିଏ ପଟରୁ ଆକାଶ ଧୀରେଧୀରେ ଫରଚା ହେଉଛି । "ଦେଖ ଏ ପଟେ ସୂର୍ଯ୍ୟ ଉଦୟ ହେଉଛି । ଏହା ନିଶ୍ଚୟ ପୂର୍ବଦିଗ । ଏପଟକୁ ମୁହଁ କରି ଛିଡ଼ା ହେଲେ ତୁମ ପଛପଟ ହେବ ପଶ୍ଚିମଦିଗ । ତୁମର ଡାହାଣହାତ ଦକ୍ଷିଣଦିଗ ହେବ ଓ ବାମହାତ ଉତ୍ତରଦିଗ ହେବ ।" ତା'ପରେ ସେମାନେ ଡାହାଣପଟ ଦିଗକୁ ଗଲେ । ଗୀତ ଅଭ୍ୟାସ କଲେ । ଅଭ୍ୟାସ କରୁକରୁ ଆଷାଢ଼ମାସର ଚତୁର୍ଦ୍ଦଶୀ ତିଥି ପହଞ୍ଚିଗଲା । ସେଦିନ ବାଘମାମୁର ବାହାଘର ।

ସଙ୍ଗୀତଦଳ ସେଠାରେ ପହଞ୍ଚିଲେ । ଗୀତ ଗାଇଲେ । ଖାଣ୍ଟି ଗୁଆଘିଅରେ ମିଠା ଓ କ୍ଷୀରୀ ହୋଇଥିଲା । ମନଭରି ଭୋଜି ଖାଇଲେ ।

ବେଙ୍ଗମାନଙ୍କ ପେଟରେ ଘିଅ କି ହଜମ ହୁଏ ? ପେଟ ଗୋଳମାଳ ହେଲା । ଝାଡ଼ା ହେଲା । ହନୁବଇଦ କେତେ ପ୍ରକାର ଉଦ୍ଭିଦର ଚେର ଆଣି ଔଷଧ ତିଆରି କଲା । ସେମାନେ ଔଷଧ ଖାଇ ଝାଡ଼ାରୁ ଉଦ୍ଧାର ପାଇଲେ ସିନା ସେମାନଙ୍କ ସ୍ୱରଯନ୍ତ୍ରଗୁଡ଼ିକ ଖରାପ ହୋଇଗଲା । ସେମାନେ ଆଉ ପୂର୍ବଭଳି ଗୀତ ଗାଇ ପାରିଲେ ନାହିଁ । ସେହିଦିନଠୁ ସେମାନେ କେଁ କଟର ଶବ୍ଦ କରିଆସୁଛନ୍ତି ।

ODM EDUCATIONAL GROUP
Changing your Tomorrow

## ୧। ପଢ଼ ଓ ଲେଖ ।

PATHAGARA.ODIA
OdiaPortal.IN

| | | | | | |
|---|---|---|---|---|---|
| ଫର୍ଦ୍ଦ | ________ | ଅର୍ଦ୍ଦଳି | ________ | ବୁଦ୍ଧ | ________ |
| ଶୁଦ୍ଧ | ________ | ବିଶୁଦ୍ଧ | ________ | କରମର୍ଦ୍ଦନ | ________ |
| ଶବ୍ଦ | ________ | ଶନିଶ୍ଚର | ________ | ଊର୍ଦ୍ଧ୍ୱ | ________ |
| ନିଶ୍ଚୟ | ________ | ଶବ୍ଦାବଳୀ | ________ | ଯୁଦ୍ଧ | ________ |
| ଉଦ୍ଭଟ | ________ | ଅର୍ଦ୍ଧରାତ୍ର | ________ | ପଶ୍ଚିମ | ________ |

ଚିତ୍ର ଦେଖ । ବାଜାଗୁଡ଼ିକର ନାମ କୁହ ।



# ଗୃହକର୍ମ

ଅଭ୍ୟାସ-୨ କୁ ଖାତାରେ କର ।



## ଲବ୍ଧ ଜ୍ଞାନର ଫଳାଫଳ-

ପିଲାମାନଙ୍କର ଶ୍ରବଣ,କଥନ,ପଠନ ଶୈଳୀର ଅଭିବୃଦ୍ଧି ଘଟିବ |



ODM EDUCATIONAL GROUP
Changing your Tomorrow

# THANKING YOU

# ODM EDUCATIONAL GROUP